ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୨୨ ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୪୪୦୧୩ରେ ପହଞ୍ଚିଲା - ସୁସ୍ଥ ହେଲେ ୪୨ ଜଣ ।

ଅନୁଗୋଳ, ତା.୨୯.୦୮:- ଆଜି ଅନୁଗୋଳ ଜିଲ୍ଲାରେ ୨୨ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଆଁରପାଳ ବ୍ଲକ୍ ଅଂଚଳରୁ ୬ଜଣ ( ୪ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪ଜଣ(୨ ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ ଜଣ ( ୩ଜଣ ପୁରୁଷ ), କଣିହାଁ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୨ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୫୪ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୫ ଲକ୍ଷ ୧୬ହଜାର ୩୩ଜଣଙ୍କୁ ଟିକା ଦିଆଗଲାଣି ।